ପ୍ରେସ୍ ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୪୩ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୧୨୮୩୨ରେ ପହଞ୍ଚିଲା - ସୁସ୍ଥ ହେଲେ ୩୯ଜଣ ।

ଅନୁଗୋଳ, ତା.୧୩.୦୪:- ଆଜି ଅନୁଗୋଳ ଜିଲ୍ଲାରେ ୪୩ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୧ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୨୫୮ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ତାଲଚେର ବ୍ଲକ୍ ଅଂଚଳରୁ ୯ଜଣ ( ୭ଜଣ ପୁରୁଷ ଓ ୨ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୮ ଜଣ (୭ ଜଣ ପୁରୁଷ ଓ ୧ଜଣ ମହିଳା), ବଣ୍ଠରପାଳ ବ୍ଲକ୍ ଅଂଚଳରୁ ୮ ଜଣ ( ୫ଜଣ ପୁରୁଷ ଓ ୩ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୭ଜଣ ( ୫ଜଣ ପୁରୁଷ ଓ ୨ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୬ଜଣ (୩ ଜଣ ପୁରୁଷ ଓ ୩ଜଣ ମହିଳା),ଅନୁଗୋଳ ବ୍ଲକ୍ ଅଂଚଳରୁ ୩ଜଣ ( ୧ଜଣ ପୁରୁଷ ଓ ୨ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧ଜଣ (୧ ଜଣ ମହିଳା) ଓ କିଶୋରନଗର ବ୍ଲକ୍ ଅଂଚଳରୁ ୧ଜଣ (୧ ଜଣ ପୁରୁଷ ) ଅଛନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ୩୯ଜଣ ହୋମ Isolation ରେ ଥିବାର ଜଣାପଡିଛି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୨୫୬ ତା.୧୩.୦୪.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ପ୍ରିୟ ମାଝି 13/4/2021

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,
ଅନୁଗୋଳ